ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

# ମୃତ୍ତିକା ସଂରକ୍ଷଣ ଓ ଜଳବିଭାଜିକା ଉନ୍ନୟନ ସମ୍ବନ୍ଧିତ କର୍ମଶାଳା

## ୧୫୨ ଜଣ ମୃତ୍ତିକା ସଂରକ୍ଷଣ ସଂପ୍ରସାରଣ କର୍ମଚାରୀଙ୍କ ନିଯୁକ୍ତି ପତ୍ର ଦେଲେ ମନ୍ତ୍ରୀ ଡ. ସାହୁ

'ଜଳବିଭାଜିକା ଉନ୍ନୟନ କାର୍ଯ୍ୟରେ ପ୍ରତ୍ୟକ୍ଷ ଭାବେ ଜଡ଼ିତ ହେଲେ କୃଷି ଓ କୃଷକର ସର୍ବାଙ୍ଗୀନ ଉନ୍ନତି ହେବ'

ମନ୍ତ୍ରୀ ଡ. ଅରୁଣ କୁମାର ସାହୁ

ଭୁବନେଶ୍ୱର, ୨୮ ଅଗଷ୍ଟ, ୨୦୧୯

ଚାକିରିକୁ ସମାଜସେବା ଭାବେ ଗ୍ରହଣ କରିବାକୁ ହେବ । ଏଥି ସହିତ କର୍ମକ୍ଷେତ୍ରରେ ଉତ୍ସର୍ଗୀକୃତ ମନୋଭାବ ନେଇ କାର୍ଯ୍ୟକରି ସମାଜ ପ୍ରତି ଅଧିକରୁ ଅଧିକ ଅବଦାନ ଦେବା ପାଇଁ କୃଷି ଓ କୃଷକ ସଶକ୍ତିକରଣ, ମତ୍ସ୍ୟ ଓ ପ୍ରାଣୀସଂପଦ ବିକାଶ, ଉଚ୍ଚଶିକ୍ଷା ମନ୍ତ୍ରୀ ଡ. ଅରୁଣ କୁମାର ସାହୁମନ୍ତ୍ରୀ ଡ. ସାହୁ ପରାମର୍ଶ ଦେଇଛନ୍ତି ।

ରାଜ୍ୟ ସରକାରଙ୍କ କୃଷି ଓ କୃଷକ ସଶକ୍ତିକରଣ ବିଭାଗ ଅନ୍ତର୍ଗତ ମୃତ୍ତିକା ସଂରକ୍ଷଣ ଓ ଜଳବିଭାଜିକା ଉନ୍ନୟନ ନିର୍ଦ୍ଦେଶାଳୟ ଆନୁକୂଲ୍ୟରେ ଆଜି ମୃତ୍ତିକା ସଂରକ୍ଷଣ ଓ ଜଳବିଭାଜିକା ପରିଚାଳନା କାର୍ଯ୍ୟକ୍ରମ ସମ୍ବନ୍ଧୀୟ ଏକ ଦିବସୀୟ କର୍ମଶାଳା ମୁଖ୍ୟ ଅତିଥି ଭାବେ ଯୋଗଦେଇ ମନ୍ତ୍ରୀ ଡ. ସାହୁ ୧୫୨ ଜଣ ମୃତ୍ତିକା ସଂରକ୍ଷଣ ସଂପ୍ରସାରଣ କର୍ମଚାରୀଙ୍କୁ ନିଯୁକ୍ତିପତ୍ର ପ୍ରଦାନ କରିଥିଲେ । ଭୁବନେଶ୍ୱରସ୍ଥ କୃଷି ଭବନ ପରିସରରେ ଅନୁଷ୍ଠିତ ଏହି କର୍ମଶାଳାରେ ଉଦ୍‌ବୋଧନ ଦେଇ ମନ୍ତ୍ରୀ ଡ. ସାହୁ କହିଲେ ଯେ ଏହି ନିଯୁକ୍ତି ଦ୍ୱାରା ମୃତ୍ତିକା ସଂରକ୍ଷଣ ଓ ଜଳବିଭାଜିକା ନିର୍ଦ୍ଦେଶାଳୟରେ କ୍ଷେତ୍ର କର୍ମଚାରୀଙ୍କ ଅଭାବ ପୂରଣ ହେବା ସହିତ ଆଗାମୀ ଦିନରେ କୃଷି ଓ କୃଷକ ସଶକ୍ତିକରଣର ପଥ ସୁଗମ ହୋଇପାରିବ । ମୁଖ୍ୟମନ୍ତ୍ରୀଙ୍କ ୫ 'ଟି' ସମ୍ବନ୍ଧୀୟ ଆଭିମୁଖ୍ୟକୁ ନିଷ୍ଠାର ସହ ଅନୁପାଳନ କରିବା ପାଇଁ ନବନିଯୁକ୍ତ ମୃତ୍ତିକା ସଂରକ୍ଷଣ ସଂପ୍ରସାରଣ କର୍ମଚାରୀ(ଏସ୍‌ସିଇଡବ୍ଲ୍ୟୁ)ଙ୍କୁ ମନ୍ତ୍ରୀ ଡ. ସାହୁ ଉପଦେଶ ଦେଇଛନ୍ତି । ମୃତ୍ତିକା ସଂରକ୍ଷଣ ସଂପ୍ରସାରଣ କର୍ମଚାରୀମାନେ ଗ୍ରାମ୍ୟସ୍ତରରେ ରହି ଜନସହଭାଗିତା ଆଧାରରେ ଜଳ, ଜମିର ସଠିକ୍ ଉପଯୋଗ କରି ମୃତ୍ତିକା ସଂରକ୍ଷଣ ଓ ଜଳବିଭାଜିକା ଉନ୍ନୟନ କାର୍ଯ୍ୟରେ ପ୍ରତ୍ୟକ୍ଷ ଭାବେ ଜଡ଼ିତ ହେଲେ କୃଷି ଓ କୃଷକର ସର୍ବାଙ୍ଗୀନ ଉନ୍ନତିରେ ସହାୟକ ହୋଇପାରିବେ ବୋଲି ସେ ମତପ୍ରକାଶ କରିଛନ୍ତି ।

କୃଷି ଉତ୍ପାଦନ କମିଶନର ଶ୍ରୀ ପ୍ରଦୀପ୍ତ କୁମାର ମହାପାତ୍ର ସରକାର ହାତକୁ ନେଇଥିବା ବିଭିନ୍ନ ଲୋକାଭିମୁଖୀ କାର୍ଯ୍ୟକ୍ରମର ସଫଳ ରୂପାୟନ ଉପରେ ଗୁରୁତ୍ୱାରୋପ କରିବା ସହିତ ନବନିଯୁକ୍ତ ମୃତ୍ତିକା ସଂରକ୍ଷଣ ସଂପ୍ରସାରଣ କର୍ମଚାରୀମାନଙ୍କୁ ତୃଣମୂଳ ସ୍ତରରେ ସରକାରଙ୍କ ଯୋଜନାର ସୁଫଳ ପହଞ୍ଚାଇବା ପାଇଁ ପରାମର୍ଶ ଦେଇଥିଲେ ।

କୃଷି ଓ କୃଷକ ସଶକ୍ତିକରଣ ବିଭାଗର ପ୍ରମୁଖ ଶାସନ ସଚିବ ଡ. ସୌରଭ ଗର୍ଗ ରାଜ୍ୟରେ କୃଷି ଓ କୃଷକର ବିକାଶ ନିମିତ୍ତ ସରକାରଙ୍କ ଆନ୍ତରିକ ପ୍ରଚେଷ୍ଟା ସଂପର୍କରେ ଆଲୋକପାତ କରିଥିଲେ ଓ ଗ୍ରାମ୍ୟ ସ୍ତରରେ କାର୍ଯ୍ୟକରିବାକୁ ଯାଉଥିବା ନବନିଯୁକ୍ତ ଏସ୍‌ସିଇଡବ୍ଲ୍ୟୁଙ୍କୁ ମୃତ୍ତିକା ସଂରକ୍ଷଣ ଓ ଜଳବିଭାଜିକା କାର୍ଯ୍ୟକ୍ରମରେ ନିଜର ନିଷ୍ଠା ଓ ଦକ୍ଷତା ପ୍ରତିପାଦନ କରିବା ପାଇଁ କହିଥିଲେ । ଏହି ଅବସରରେ ନିର୍ଦ୍ଦେଶକ ଶ୍ରୀ ହେମନ୍ତ କୁମାର ପଣ୍ଡା ନବନିଯୁକ୍ତ କର୍ମଚାରୀମାନଙ୍କୁ ମୃତ୍ତିକା ସଂରକ୍ଷଣ ଓ ଜଳବିଭାଜିକା ଉନ୍ନୟନ କାର୍ଯ୍ୟକ୍ରମ ସମ୍ବନ୍ଧୀୟ ବିଭିନ୍ନ ଦିଗ ସଂପର୍କରେ ଅବଗତ କରାଇଥିଲେ ।

ତାପସ କୁମାର ସାହା
ସୂଚନା ଅଧିକାରୀ